ପ୍ରେସ୍ ନୋଟ୍

# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ ତା. ୨୮.୧୧ : ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଆରକ୍ଷୀ ଅଧିକ୍ଷକ ଶ୍ରୀ ସୁଧାଂଶୁ ଶେଖର ମିଶ୍ର ଏହି ଶିବିରରେ ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୩୭ଟି ଅଭିଯୋଗରୁ ୩୪ଟି ବ୍ୟକ୍ତିଗତ ଓ ୩ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ । ଏହାଛଡା ଦାଖଲ ହୋଇଥିବା ୩୭ ଅଭିଯୋଗ ମଧ୍ୟରୁ ୧୭ଟି ଅଭିଯୋଗର ଆଜିର ଶିବିରରେ ଫଇସଲା କରାଯାଇଥିଲା । ସେହିପରି ରେଡକ୍ରସ ପାଣ୍ଠିରୁ ୩ଜଣଙ୍କୁ ୧୫ ହଜାର ଟଙ୍କା ଓ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୨ ଜଣଙ୍କୁ ୨୦ ହଜାର ଟଙ୍କା ଲେଖାଏଁ ଚିକିତ୍ସା ସହାୟତା ପ୍ରଦାନ କରାଯାଇଥିଲା । ଏହି ଶିବିରକୁ ଆସିଥିବା ଲୋକମାନେ ଗ୍ରାମ୍ୟ ସମସ୍ୟା, ସ୍ୱାସ୍ଥ୍ୟ, ଗ୍ରାମୀଣ ଆବାସ , ଜମି ଜମା ସମ୍ବନ୍ଧୀୟ, ଭତ୍ତା ସମ୍ବନ୍ଧୀୟ, ବିସ୍ଥାପନ ଓ ବ୍ୟକ୍ତିଗତ ସମସ୍ୟା ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ପ୍ରତାପ ପ୍ରତିମନ୍ୟୁ, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ,ଅନୁଗୋଳ, ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ହେମନ୍ତ କୁମାର ସିଂହଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

7 5G | Northern Division, Odisha | 2023.11.28 17:31




ଜିଲ୍ଲା ପ୍ରଶାସନ, ଅନୁଗୋଳ
OPPO Reno7 5G
DIPRO ANGL | Northern Division | Odisha | 2023.11.28 12:07